# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 23 October - 2024

### News Editor : Itishree Singh Rathaur

*********************************

## ମୁଖ୍ୟ ସମ୍ବାଦ

- ସ୍ଥଳ ଭାଗ ସ୍ପର୍ଶ କଲା ସମ୍ଭାବ୍ୟ ବାତ୍ୟା 'ଦାନା'ର ବାହ୍ୟବଳୟ

– ଭିତରକନିକା–ଧାମରା ମଧ୍ୟରେ ସ୍ଥଳଭାଗ ଛୁଇଁବା ସମ୍ଭାବନା ଥିବା ଭାରତୀୟ ପାଣିପାଗ ବିଭାଗର ସୂଚନା

- 'ଦାନା' ଯୋଗୁଁ ରାଜ୍ୟର ୪ଟି ଜିଲ୍ଲା ଅଧିକ ପ୍ରଭାବିତ ହେବା ଆଶଙ୍କା; ଅତିପ୍ରବଳ ବର୍ଷା ହେବା ନେଇ ୬ଟି ଜିଲ୍ଲାକୁ ରେଡ୍ୱାର୍ଣ୍ଣିଂ

- ବାତ୍ୟା ପ୍ରଭାବିତ ଅଞ୍ଚଳରେ ଆଜି ସନ୍ଧ୍ୟା ସୁଦ୍ଧା ସ୍ଥାନାନ୍ତର ପ୍ରକ୍ରିୟା ଶେଷ ହେବ; କହିଲେ ରାଜସ୍ୱ ମନ୍ତ୍ରୀ

ଏବଂ

- କଟକ ବଡ଼ମେଡିକାଲରେ ଖୋଲିବ ହୃଦୟ ପ୍ରତିରୋପଣ କେନ୍ଦ୍ର

*CTC/BBSR/C/R*

# ସମ୍ଭାବ୍ୟ ବାତ୍ୟା 'ଦାନା'

ବାତ୍ୟାର ବାହ୍ୟବଳୟ ସ୍ଥଳଭାଗ ସ୍ପର୍ଶ କରିଛି। ଏହା ଆସନ୍ତାକାଲି କିମ୍ବା ଶୁକ୍ରବାର ଦିନ ସକାଳ ସୁଦ୍ଧା ଭିତରକନିକା–ଧାମରା ମଧ୍ୟରେ ସ୍ଥଳଭାଗ ଛୁଇଁବାର ସମ୍ଭାବନା ରହିଛି ବୋଲି ଭାରତୀୟ ପାଣିପାଗ ବିଭାଗର ମହାନିର୍ଦ୍ଦେଶକ ମୃତ୍ୟୁଞ୍ଜୟ ମହାପାତ୍ର କହିଛନ୍ତି। ଏହି ସମୟରେ ଅତିପ୍ରବଳ ବର୍ଷା ହେବା ସହିତ ଘଣ୍ଟା ପ୍ରତି ୧୦୦ରୁ ୧୨୦ କିଲୋମିଟର ବେଗରେ ପବନ ବହିପାରେ। ବାତ୍ୟା ସ୍ଥଳଭାଗ ଅତିକ୍ରମ କରିବା ସମୟରେ ୨ରୁ ୩ ମିଟର ଉଚ୍ଚର ଜୁଆର ମାଡ଼ି ଆସିବାର ସମ୍ଭାବନା ରହିଛି ବୋଲି ଶ୍ରୀ ମହାପାତ୍ର କହିଛନ୍ତି...

**- V/O -**

ଗତକାଲି ସୃଷ୍ଟ ଅବପାତ ଆଜି ସକାଳ ସୁଦ୍ଧା ସାମୁଦ୍ରିକ ଝଡ଼ରେ ପରିଣତ ହୋଇ ପାରାଦ୍ୱୀପର ଦକ୍ଷିଣ-ପୂର୍ବ ଦିଗରେ **୫୨୦** କିଲୋମିଟର ଦୂରରେ ରହିଛି । ସେହିପରି ପଶ୍ଚିମବଙ୍ଗର ସାଗରଦ୍ୱୀପଠାରୁ ୬୦୦ କିଲୋମିଟର ଦୂରରେ ରହିବା ସହ ଘଣ୍ଟାପ୍ରତି ୧୫ କିଲୋମିଟର ବେଗରେ ଗତି କରିବା ସହ ଓଡ଼ିଶା ଉପକୂଳବର୍ତ୍ତୀ ଆଡ଼କୁ ମୁହାଁଉଛି। ପରେ ଏହା ଉତ୍ତର ଦିଗରେ ଗତିକରି ଭୀଷଣ ବାତ୍ୟା 'ଦାନା'ର ରୂପ ନେବ ବୋଲି ପାଣିପାଗ ବିଭାଗ ପକ୍ଷରୁ ଆକଳନ କରାଯାଇଛି ।

ସମ୍ଭାବ୍ୟ ବାତ୍ୟାର ପ୍ରଭାବରେ ଆଜିଠାରୁ ଶୁକ୍ରବାର ପର୍ଯ୍ୟନ୍ତ ବିଭିନ୍ନ ଜିଲ୍ଲାରେ ଭୀଷଣ ପବନ ସହିତ ଅତିପ୍ରବଳ ବର୍ଷା ହେବା ନେଇ ପାଣିପାଗ ବିଭାଗ ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି । ଆଜି ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡା, ଜଗତ୍‌ସିଂହପୁର ଓ ପୁରୀ ଜିଲ୍ଲାରେ ପ୍ରବଳ ବର୍ଷା ହେବାର ସମ୍ଭାବନା ନେଇ ରେଡଓ୍ୱାର୍ଣ୍ଣିଂ ଜାରି କରାଯାଇଛି। ଅନ୍ୟପକ୍ଷରେ ସମ୍ଭାବ୍ୟ ବାତ୍ୟା ପ୍ରଭାବରେ ରାଜନଗର, ଧାମରା ଓ ପାରାଦ୍ୱୀପର କିଛି ଅଞ୍ଚଳରେ ବର୍ଷା ହେଉଛି। ସେହିଭଳି ଆସନ୍ତାକାଲି ମୟୂରଭଞ୍ଜ, କଟକ, ଯାଜପୁର, ବାଲେଶ୍ୱର, ଭଦ୍ରକ, କେନ୍ଦ୍ରାପଡା, ପୁରୀ, ଖୋର୍ଦ୍ଧା, ଜଗତ୍‌ସିଂହପୁର ଓ ଗଞ୍ଜାମ ଜିଲ୍ଲାରେ ପ୍ରବଳରୁ ଅତିପ୍ରବଳ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି । ଶୁକ୍ରବାର ଦିନ ମଧ୍ୟ କିଛି ଜିଲ୍ଲାରେ ବର୍ଷା ହେବାର ସମ୍ଭାବନା ରହିଛି।

ସମ୍ଭାବ୍ୟ ବାତ୍ୟା ସମ୍ପର୍କରେ ପାଣିପାଗ ବିଜ୍ଞାନୀ ଉମାଶଙ୍କର ଦାସ କହିଛନ୍ତି ବାତ୍ୟା ପ୍ରଭାବ ବିଶେଷ କରି କେନ୍ଦ୍ରାପଡ଼ା, ଜଗତସିଂହପୁର, ଭଦ୍ରକ ଓ ବାଲେଶ୍ୱରରେ ରହିବ।

ସମ୍ଭାବ୍ୟ ବାତ୍ୟା ପାଇଁ ଧାମରା ଓ ପାରାଦ୍ୱୀପ ବନ୍ଦର ଲାଗି ୪ ନମ୍ବର ବିପଦ ସଙ୍କେତ ଜାରି କରାଯାଇଥିବାବେଳେ ପୁରୀ ପାଇଁ ୧୦ ନମ୍ବର ବିପଦ ସଙ୍କେତ ଜାରି କରାଯାଇଛି । ଅପରପକ୍ଷରେ ବାତ୍ୟାକୁ ଦୃଷ୍ଟିରେ

ରଖି ପୂର୍ବତଟ ରେଳପଥ ପକ୍ଷରୁ ଆସନ୍ତା ୩ ଦିନ ପାଇଁ ୨୨୦ରୁ ଊର୍ଦ୍ଧ୍ୱ ଟ୍ରେନ୍ ବାତିଲ କରାଯାଇଛି ।

ଅନ୍ୟପକ୍ଷରେ ସମ୍ଭାବ୍ୟ ବାତ୍ୟାର ପ୍ରଭାବକୁ ଦୃଷ୍ଟିରେ ରଖି କଟକ ବଡ଼ମେଡିକାଲର ସମସ୍ତ କର୍ମଚାରୀଙ୍କ ଛୁଟି ବାତିଲ କରାଯାଇଛି। ମେଡିକାଲରେ ଆବଶ୍ୟକ ମୁତାବକ ଔଷଧ, ହାଲୋଜିନ୍ ବଟିକା, ଓଆରଏସ୍, ପାନୀୟଜଳ, ନିରବଚ୍ଛିନ୍ନ ବିଦ୍ୟୁତ ସେବା ଆଦି ସୁନିଶ୍ଚିତ କରିବାକୁ ବିଭିନ୍ନ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ଏହା ସହ ଜରୁରୀକାଳୀନ ପରିସ୍ଥିତିର ମୁକାବିଲା ନିମନ୍ତେ ୨୪ ଘଣ୍ଟିଆ ଡାକ୍ତରୀ ସେବା ଯୋଗାଇ ଦେବାକୁ ମେଡିକାଲ ପ୍ରସ୍ତୁତ ଥିବା ନେଇ ମେଡିକାଲ କୁଳସଚିବ କହିଛନ୍ତି। ଅନ୍ୟପଟେ ୨୪ ଘଣ୍ଟିଆ କଣ୍ଟ୍ରୋଲ ରୁମ୍ ଖୋଲାଥିବା ବେଳେ କଣ୍ଟ୍ରୋଲ ରୁମ୍ ନମ୍ବର ଗୁଡ଼ିକ ୦୬୭୧-୨୪୨-୨୦୩୨ ଓ ୨୯୯-୨୮୦୦ ଜାରି କରାଯାଇଛି।

ବାତ୍ୟା ଭିତରକନିକା ଜାତୀୟ ଉଦ୍ୟାନରେ କ୍ଷତି ପହଁଞ୍ଚାଇବାର ସମ୍ଭାବନା ଥିବାରୁ ସେଠାରେ ବନ କର୍ମଚାରୀଙ୍କୁ ଆଗୁଆ ପଦକ୍ଷେପ ନେବା ପାଇଁ ନିର୍ଦ୍ଦେଶ ଦିଆଯାଇଛି। କୁମ୍ଭୀର ଯେପରି ବାହାରକୁ ନ ଆସନ୍ତି ସେ ନେଇ ପଦକ୍ଷେପ ନେବାକୁ କୁହାଯାଇଛି।

ବାତ୍ୟା ସମୟରେ ପ୍ରାଣୀଙ୍କ ଖାଦ୍ୟ ଓ ଚିକିତ୍ସା ପାଇଁ ସରକାରଙ୍କ ପକ୍ଷରୁ ଟୋଲ ଫ୍ରି ନମ୍ବର-୧୯୬୨ ଜାରି କରାଯାଇଛି। ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ବୁଲା ପଶୁଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତରିତ କରିବାକୁ ଜନସାଧାରଙ୍କୁ ନିବେଦନ କରିଛନ୍ତି।

***Desk***

## ବାତ୍ୟା-ସ୍ଥାନାନ୍ତରଣ

ସମ୍ଭାବ୍ୟ ବାତ୍ୟା 'ଦାନା' ପାଇଁ ପ୍ରଭାବିତ ହେବାକୁ ଥିବା ଅଞ୍ଚଳରେ ସ୍ଥାନାନ୍ତରଣ ପ୍ରକ୍ରିୟା ଜାରି ରହିଛି । ଆଜି ସନ୍ଧ୍ୟା ସୁଦ୍ଧା ସ୍ଥାନାନ୍ତର ପ୍ରକ୍ରିୟା ଶେଷ ହେବ ବୋଲି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି। ସେ କହିଛନ୍ତି, ଆବଶ୍ୟକସ୍ଥଳେ ୧୦ଲକ୍ଷରୁ ଅଧିକ ଲୋକଙ୍କୁ ନିରାପଦ ସ୍ଥାନକୁ ସ୍ଥାନାନ୍ତରଣ କରାଯିବ । ଏଥିପାଇଁ ୩ ହଜାରରୁ ଅଧିକ ସମ୍ବେଦନଶୀଳ ସ୍ଥାନ ଚିହ୍ନଟ କରାଯାଇଛି । ସେହିଭଳି ସାଢ଼େ ୫ ହଜାରରୁ ଊର୍ଦ୍ଧ୍ୱ ବହୁମୁଖୀ ବାତ୍ୟା-ବନ୍ୟା ଆଶ୍ରୟସ୍ଥଳୀ ପ୍ରସ୍ତୁତ ରଖାଯାଇଛି ।

**- V/O –**

***Desk***

## ସମ୍ଭାବ୍ୟ ବାତ୍ୟା ମୁକାବିଲା

ସମ୍ଭାବ୍ୟ ବାତ୍ୟାର ମୁକାବିଲା ଏବଂ ପରବର୍ତ୍ତୀ ପଦକ୍ଷେପ ନେଇ ବିଭାଗୀୟ ପ୍ରମୁଖ ଶାସନ ସଚିବ ସୁଶୀଲ କୁମାର ଲୋହାନୀଙ୍କ

ଅଧ୍ୟକ୍ଷତାରେ ପଞ୍ଚାୟତିରାଜ ଓ ପାନୀୟଜଳ ବିଭାଗର ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି। ବୈଠକରେ ସମସ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଓ ବିଭାଗୀୟ ଯନ୍ତ୍ରୀମାନଙ୍କୁ ବାତ୍ୟା ସମୟରେ ଓ ପରବର୍ତ୍ତୀ ପର୍ଯ୍ୟାୟରେ ପୁନରୁଦ୍ଧାର କାର୍ଯ୍ୟ ପାଇଁ ସାମଗ୍ରୀକ ଭାବେ ପ୍ରସ୍ତୁତ ରହିବାକୁ ନିର୍ଦ୍ଦେଶ ଦିଆଯାଇଛି। ଏହା ସହ ନିୟନ୍ତ୍ରଣ କକ୍ଷଗୁଡ଼ିକ ୨୪ ଘଣ୍ଟା କାର୍ଯ୍ୟକ୍ଷମ କରିବା ପାଇଁ ପରାମର୍ଶ ଦେଇଛନ୍ତି।

***PR***

## ସମ୍ଭାବ୍ୟ ବାତ୍ୟା ମୁକାବିଲା– ଧର୍ମେନ୍ଦ୍ର ପ୍ରଧାନ

ବାତ୍ୟା ମୁକାବିଲା ନେଇ ସତର୍କ ଓ ସଚେତନ ରହିବାକୁ ରାଜ୍ୟବାସୀଙ୍କୁ ପରାମର୍ଶ ଦେଇଛନ୍ତି ରାଜ୍ୟପାଳ ରଘୁବର ଦାସ। ବାତ୍ୟା ପ୍ରଭାବିତ ହେବାକୁ ଥିବା ସମ୍ଭାବ୍ୟ ଅଞ୍ଚଳରେ ସୁରକ୍ଷିତ ରହିବା ପାଇଁ ସମସ୍ତ ପଦକ୍ଷେପ ଗ୍ରହଣ କରିବାକୁ ସେ ନିବେଦନ କରିଛନ୍ତି।

କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି, ସମ୍ଭାବ୍ୟ ବାତ୍ୟାର ମୁକାବିଲା ପାଇଁ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ପକ୍ଷରୁ ସବୁ ପ୍ରକାର ବ୍ୟବସ୍ଥା କରାଯାଉଛି। ରାଜ୍ୟରେ ଧନଜୀବନକୁ ସୁରକ୍ଷିତ ରଖିବା ସହିତ ବାତ୍ୟାର ସଫଳ ମୁକାବିଲା ପାଇଁ ସରକାର ସମ୍ପୂର୍ଣ୍ଣ ଭାବେ ପ୍ରସ୍ତୁତ ଅଛନ୍ତି। ଏହି ସମୟରେ ସରକାର ଓ ସ୍ଥାନୀୟ ପ୍ରଶାସନ ଦ୍ୱାରା ଜାରି କରାଯାଇଥିବା ବାତ୍ୟା ସତର୍କ ସୂଚନା ମାନିବାକୁ ସେ ଜନସାଧାରଣଙ୍କୁ ପରାମର୍ଶ ଦେଇଛନ୍ତି।

*Puri/Khurda/DHNKL/BHK*

# ବାତ୍ୟା 'ଦାନା'

ବାତ୍ୟା 'ଦାନା'କୁ ନେଇ ପୁରୀ ଜିଲ୍ଲା ପ୍ରଶାସନ ପକ୍ଷରୁ ମୁକାବିଲା ନେଇ ସମସ୍ତ ପ୍ରସ୍ତୁତି କରାଯାଇଛି। ଜିଲ୍ଲାରେ ଥିବା ୧୭୯ଟି ବାତ୍ୟା ଆଶ୍ରୟସ୍ଥଳୀ ସହ ବିଭିନ୍ନ କଲେଜ ଏବଂ ସ୍କୁଲକୁ ମଧ୍ୟ ପ୍ରସ୍ତୁତ ରଖାଯାଇଛି। ଅନ୍ୟପଟେ ପୁରୀ ତାଳବଣିଆ ପଡ଼ିଆଠାରେ ଶୁକ୍ରବାର ଦିନ ମହିଳା ମିଲିଟାରୀ ପୁଲିସର ଅଗ୍ନିପଥ ବର୍ଗରେ ନିଯୁକ୍ତି ର୍ୟାଲି ଅନୁଷ୍ଠିତ ହେବାକୁ ଥିବାବେଳେ ବାତ୍ୟା ଯୋଗୁଁ ଏହାକୁ ସ୍ଥଗିତ ରଖାଯାଇଛି। ଏହାକୁ ଆଗାମୀ ୨୭ ତାରିଖରେ ପୁନଃ ନିର୍ଦ୍ଧାରଣ କରାଯାଇଥିବା ନେଇ କଟକ ଭାରତୀୟ ସେନା ନିଯୁକ୍ତି କାର୍ଯ୍ୟାଳୟ ପକ୍ଷରୁ ସୂଚନା ଦିଆଯାଇଛି।

ଖୋର୍ଦ୍ଧା ଜିଲ୍ଲାପାଳ ଚଞ୍ଚଳ ରାଣା ମଧ୍ୟ ବାତ୍ୟା ପୂର୍ବରୁ ସଜାଗ ରହିବା ନିମନ୍ତେ ଜିଲ୍ଲାବାସୀଙ୍କୁ ନିବେଦନ କରିଛନ୍ତି। ଢେଙ୍କାନାଳ ଜିଲ୍ଲାପାଳ ସୌମେଶ କୁମାର ଉପାଧ୍ୟାୟ ଜିଲ୍ଲାରେ ବାତ୍ୟା ଆଶ୍ରୟସ୍ଥଳ ଓ ପଞ୍ଚାୟତ ଆଶ୍ରୟସ୍ଥଳ ପରିଦର୍ଶନ କରି ଆବଶ୍ୟକୀୟ ବ୍ୟବସ୍ଥା ସମ୍ପର୍କରେ ସମୀକ୍ଷା କରିଛନ୍ତି। ଶୂନ୍ୟ ଜୀବନହାନୀ ଉପରେ ଗୁରୁତ୍ୱ ଦେଇଛନ୍ତି। ଜିଲ୍ଲାରେ ବାତ୍ୟା ଆଶ୍ରୟସ୍ଥଳଗୁଡ଼ିକରେ ସ୍ଥାନାନ୍ତର ପ୍ରକ୍ରିୟା ଜାରି ରହିଛି। ଭଦ୍ରକ ଜିଲ୍ଲା ଧାମନଗର ପଞ୍ଚାୟତ ସମିତିରେ ଉଚ୍ଚ ଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ବାତ୍ୟା ମୁକାବିଲା ନେଇ ସମୀକ୍ଷା କରିଛନ୍ତି।

*Desk*

# ଓପିଏସ୍‌ସି ପରୀକ୍ଷା ସ୍ଥଗିତ

ସମ୍ଭାବ୍ୟ ବାତ୍ୟାକୁ ଦୃଷ୍ଟିରେ ରଖି ଓଡ଼ିଶା ଲୋକସେବା ଆୟୋଗ–ଓପିଏସ୍‌ସି  ଦ୍ୱାରା ପରିଚାଳିତ ଓଡ଼ିଶା ପ୍ରଶାସନିକ ସେବାର ପ୍ରିଲିମିନାରୀ ପରୀକ୍ଷାକୁ ସ୍ଥଗିତ କରାଯାଇଛି। ଆସନ୍ତା ୭ ଦିନ ମଧ୍ୟରେ ପରୀକ୍ଷାର ପରବର୍ତ୍ତୀ ତାରିଖ ଘୋଷଣା କରାଯିବ ବୋଲି ଓପିଏସ୍‌ସି ପକ୍ଷରୁ କୁହାଯାଇଛି। ସୂଚନା ଅନୁସାରେ ଆସନ୍ତା ୨୭ରେ ଓପିଏସ୍‌ସି, ଓସିଏସ୍ ପ୍ରିଲିମିନାରୀ ପରୀକ୍ଷା ପାଇଁ ତାରିଖ ନିର୍ଦ୍ଧାରିତ ହୋଇଥିଲା।

# ବାତ୍ୟା–କଳାବଜାରୀ

ସମ୍ଭାବ୍ୟ ବାତ୍ୟା ସମୟରେ କଳାବଜାରୀକୁ ରୋକିବା ପାଇଁ ଖାଦ୍ୟଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଗୁରୁତ୍ୱାରୋପ କରିଛନ୍ତି । ଗତକାଲି ଭୁବନେଶ୍ୱରଠାରେ ଅନୁଷ୍ଠିତ ଏକ ବୈଠକରେ ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି ବାତ୍ୟା ଆଶଙ୍କା ପରେ ରାଜ୍ୟର ବିଭିନ୍ନ ସ୍ଥାନରେ ପନିପରିବା ଭଳି ଅତ୍ୟାବଶ୍ୟକୀୟ ସାମଗ୍ରୀର ମୂଲ୍ୟ ବୃଦ୍ଧି ରୋକିବା ପାଇଁ ବ୍ୟବସାୟୀ ସଂଘକୁ ପରାମର୍ଶ ଦିଆଯାଇଛି । ଆବଶ୍ୟକତାଠାରୁ ଅଧିକ ଦାମ୍‌ରେ ସାମଗ୍ରୀ ବିକ୍ରୟ କରୁଥିବା ତଥା କଳାବଜାରୀ କରୁଥିବା ବେପାରୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ବିଭାଗୀୟ ଅଧିକାରୀମାନଙ୍କୁ ମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି ।

*Desk*

## ରାଜ୍ୟ କ୍ୟାବିନେଟ୍

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝିଙ୍କ ଅଧ୍ୟକ୍ଷତାରେ ଆଜି ରାଜ୍ୟ କ୍ୟାବିନେଟ୍‌ର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଛି । ବୈଠକରେ ସମବାୟ, ପଞ୍ଚାୟତିରାଜ, ଗ୍ରାମ୍ୟ ଉନ୍ନୟନ ବିଭାଗ ସମ୍ପର୍କରେ ଆଲୋଚନା ହୋଇଥିବା ଜଣାପଡ଼ିଛି। ଅନ୍ୟପକ୍ଷରେ ସମ୍ଭାବ୍ୟ ବାତ୍ୟା  'ଦାନା' ସମ୍ପର୍କରେ ମଧ୍ୟ ଆଲୋଚନା ହୋଇପାରେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

*CTC*

## ବଡ଼ମେଡିକାଲ– ହୃଦୟ ପ୍ରତିରୋପଣ କେନ୍ଦ୍ର

କଟକ ବଡ଼ମେଡିକାଲରେ ହୃଦୟ ପ୍ରତିରୋପଣ କେନ୍ଦ୍ର ଖୋଲିବା ନେଇ ରାଜ୍ୟ ସରକାରଙ୍କ ସହ ଚେନ୍ନାଇର ଏକ କମ୍ପାନୀ ମଧ୍ୟରେ ବୁଝାମଣା ପତ୍ର ସ୍ୱାକ୍ଷର ହୋଇଛି। ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗଙ୍କ ଉପସ୍ଥିତିରେ ବୁଝାମଣା ପତ୍ର ସ୍ୱାକ୍ଷର ହୋଇଛି। ବଡ଼ମେଡିକାଲର ସି.ଟି.ଭି.ଏସ୍ ବିଭାଗରେ ଏହି ହୃଦୟ ପ୍ରତିରୋପଣ କେନ୍ଦ୍ରରେ ରୋଗୀଙ୍କୁ ନିଶୁଳ୍କ ଭାବେ ଚିକିତ୍ସା ଯୋଗାଇ ଦିଆଯିବ ବୋଲି ସ୍ୱାସ୍ଥ୍ୟମନ୍ତ୍ରୀ ସୂଚନା ଦେଇଛନ୍ତି। ରାଜ୍ୟର ୧୪ଟି ଡାକ୍ତରଖାନାରେ ଅଙ୍ଗ ପ୍ରତିରୋପଣ ଭଳି ସୁବିଧା ଉପଲବ୍ଧ ରହିଛି। ବର୍ତ୍ତମାନ ସୁଦ୍ଧା ବଡ଼ମେଡିକାଲରେ ବୃକକ, ଅସ୍ଥି ମଜ୍ଜା ଓ ଯକୃତ ପ୍ରତିରୋପଣ ସୁବିଧା ଉପଲବ୍ଧ ଅଛି।

*Desk*

# ‘ଏକ ଭାରତ ଶ୍ରେଷ୍ଠ ଭାରତ’ କାର୍ଯ୍ୟକ୍ରମ

‘ଏକ ଭାରତ ଶ୍ରେଷ୍ଠ ଭାରତ’ କାର୍ଯ୍ୟକ୍ରମ ଅଧୀନରେ ଶିକ୍ଷା ମନ୍ତ୍ରଣାଳୟ ଦ୍ୱାରା ଯୁବ ସଂଗମ କାର୍ଯ୍ୟକ୍ରମ ଆରମ୍ଭ ହୋଇଛି। ଏହି ଯୁବ ସଂଗମର ପଞ୍ଚମ ପର୍ଯ୍ୟାୟ ପାଇଁ ଅନଲାଇନ୍‌ରେ ପଞ୍ଜୀକରଣ ହେଉଛି। ଏହାର ସମୟସୀମାକୁ ଆସନ୍ତା ୨୫ ତାରିଖ ଯାଏଁ ବୃଦ୍ଧି କରାଯାଇଛି। ୧୮ ରୁ ୩୦ ବର୍ଷ ବୟସର ଆଗ୍ରହୀ ପ୍ରାର୍ଥୀମାନେ ଏଥିରେ ନାମ ପଞ୍ଜୀକରଣ କରିପାରିବେ। ଏହି କାର୍ଯ୍ୟକ୍ରମରେ ୨୦ଟି ରାଜ୍ୟକୁ ନିଆଯାଇଛି। ଏହାଦ୍ୱାରା ଯୁବ ସଂଗମ ପରିଦର୍ଶନ ହେବ। ପର୍ଯ୍ୟଟନ, ପରମ୍ପରା, ପ୍ରଗତି, ପରସ୍ପର ସମ୍ପର୍କ, ପ୍ରାଦ୍ୟୋଗିକ ଆଦିକୁ ନେଇ ଭାବ ବିନିମୟ ହେବା ନେଇ ଆଶା ରଖାଯାଇଛି।